# ଆଜି ଅନୁଗୋଳ ଜିଲ୍ଲାରୁ ୦୭ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୨୨୫୫ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୧ ଜଣ ।

ଅନୁଗୋଳ ୩୦.୧ :- ଆଜି ଅନୁଗୋଳ ଜିଲ୍ଲାରେ ୦୭ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଂକ ସଂଖ୍ୟା ୨୩୪ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଆଁରପାଳ ବ୍ଲକ୍ ଅଂଚଳରୁ ୩ଜଣ (୧ଜଣ ପୁରୁଷ ଓ ୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧ ଜଣ ( ୧ଜଣ ପୁରୁଷ), ଅନୁଗୋଳ ବ୍ଲକ୍ ଅଂଚଳରୁ ୧ଜଣ (୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧ଜଣ ( ୧ ଜଣ ମହିଳା) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ମହିଳା) ଅଛନ୍ତି । ଆଜି କଣିହାଁ ବ୍ଲକ, ଅନୁଗୋଳ ପୌରାଞ୍ଚଳ, ତାଳଚେର ପୌରାଞ୍ଚଳ, ଆଠମଲ୍ଲିକ ବ୍ଲକ, ପାଲଲହଡା ବ୍ଲକ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ପ୍ରଭୃତି ୬ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୧୧ ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୮୬ ତା.୩୦.୦୧.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ସୌମ୍ୟରଞ୍ଜନ ୩୦/୧/୨୧

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ